ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1403/07-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୭ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ରାଜ୍ୟର ମହିଳାମାନଙ୍କ ନିଷ୍ଠା ଓ ଉଦ୍ୟମ ଆମର ମିଶନ ଶକ୍ତି କାର୍ଯ୍ୟକ୍ରମକୁ ନୀରବ ବିପ୍ଲବରେ ପରିଣତ କରିଛି । ବର୍ତ୍ତମାନ ସମୟରେ ୭୦ ଲକ୍ଷ ମହିଳା ଏଥିରେ ସାମିଲ ହୋଇ ସ୍ୱାବଲମ୍ବୀ ହେବା ସହ ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଛନ୍ତି । ଏହି ଧାରାକୁ ଆହୁରି ଦୃଢ଼ କରିବା ପାଇଁ କ୍ୟାବିନେଟ୍‌ର ମିଶନ ଶକ୍ତି ବିଭାଗ ଗଠନ ନିଷ୍ପତ୍ତି ଏକ ଖୁସିର ବିଷୟ ବୋଲି ସେ କହିଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହା ଦ୍ୱାରା ରାଜ୍ୟର ନାରୀମାନଙ୍କ ସଶକ୍ତିକରଣ, ଉଦ୍ୟୋଗିତା ଏବଂ ନେତୃତ୍ୱ ନେବାର ଦକ୍ଷତା ଆହୁରି ବୃଦ୍ଧି ହେବ । ସମସ୍ତ ଏସ୍ଏଚ୍‌ଜି କାର୍ଯ୍ୟକଳାପ ପାଇଁ ସ୍ୱତନ୍ତ୍ର ମଞ୍ଚ ସାଜି ଏହା ଓଡ଼ିଶାର ମହିଳାଙ୍କ କଲ୍ୟାଣ ଓ ଉନ୍ନତିର ମାର୍ଗକୁ ପ୍ରଶସ୍ତ କରିବ ବୋଲି ସେ ଆଶା ପ୍ରକାଶ କରିଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ ଏହି ଅବସରରେ ବିଜୁବାବୁଙ୍କ ଅବଦାନକୁ ସ୍ମରଣ କରି କହିଛନ୍ତି ଯେ ସେ ସମାଜର ପ୍ରତ୍ୟେକ ସ୍ତରରେ ମହିଳା ନେତ୍ରୀଙ୍କୁ ପ୍ରାଧାନ୍ୟ ଦେବାର ସ୍ୱପ୍ନ ଦେଖିଥିଲେ ଏବଂ ମହିଳା ସଶକ୍ତିକରଣର କର୍ଣ୍ଣଧାର ଥିଲେ । ଏ ଦିଗରେ ଓଡ଼ିଶାର ସଫଳତା ବର୍ଣ୍ଣନା କରି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟରେ ମହିଳା ସଶକ୍ତିକରଣ ଭାରତବର୍ଷରେ ଶ୍ରେଷ୍ଠ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟବାସୀଙ୍କୁ ବିଶୁଦ୍ଧ ପାନୀୟ ଜଳ ଯୋଗାଇବା ପାଇଁ ୧୪୮୫ କୋଟି ଟଙ୍କାର ପାନୀୟ ଜଳ ପ୍ରକଳ୍ପକୁ କ୍ୟାବିନେଟ୍ ମଞ୍ଜୁରୀ ମିଳିଛି । କେନ୍ଦ୍ରାପଡ଼ା, ଖୋର୍ଦ୍ଧା, ଢେଙ୍କାନାଳ, ଯାଜପୁର, କଳାହାଣ୍ଡି, ସମ୍ବଲପୁର ଓ ଝାରସୁଗୁଡ଼ା ଜିଲ୍ଲାର ବିଭିନ୍ନ ବ୍ଲକ୍ ପାଇଁ ହୋଇଥିବା ଏହି ପ୍ରକଳ୍ପ ଦ୍ୱାରା ୧୫ ଲକ୍ଷରୁ ଊର୍ଦ୍ଧ୍ୱ ଲୋକ ଉପକୃତ ହେବେ ବୋଲି ସେ ଆଶା ପ୍ରକାଶ କରିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୪,୭୨,୨୩୦ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୭୪୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୪, ୯୯୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୮୪ ରହିଛି ।
- ୭୮୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।


ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ


**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**